# REGIONAL NEWS UNIT, AIR CUTTACK

**Morning Bulletin (7.05 AM)**

**19 December – 2025**

## ମନରେଗା - ଜି. ରାମ ଜି.

ବିକଶିତ ଭାରତ ରୋଜଗାର ଏବଂ ଆଜୀବିକା ମିଶନ ପାଇଁ ଗ୍ୟାରେଣ୍ଟି ଅଭିଯାନ (ଗ୍ରାମୀଣ) - VB G. RAM G ବିଲ୍-2025 ରାଜ୍ୟସଭାରେ ପାରିତ ହେବା ପରେ ସଂସଦର ଅନୁମୋଦନ ଲାଭ କରିଛି । କେନ୍ଦ୍ର ଗ୍ରାମୀଣ ବିକାଶ ମନ୍ତ୍ରୀ ଶିବରାଜ ସିଂ ଚୌହାନ କହିଛନ୍ତି, ପୂର୍ବରୁ ରହିଥିବା ୧୦୦ ଦିନର ନିଶ୍ଚିତ ନିଯୁକ୍ତି ବ୍ୟବସ୍ଥାକୁ ଏବେ ୧୨୫ ଦିନକୁ ବୃଦ୍ଧି କରିବା ନେଇ ଏହି ବିଲ୍‌ରେ ପ୍ରସ୍ତାବ ରହିଛି। ଏଥିପାଇଁ ୧ ଲକ୍ଷ ୫୧ ହଜାର ୨୮୨ କୋଟି ଟଙ୍କାର ବ୍ୟବସ୍ଥା ହୋଇଛି।

୨୦୪୭ ମସିହା ସୁଦ୍ଧା ବିକଶିତ ଭାରତ ଲକ୍ଷ୍ୟ ଅଧୀନରେ ଏକ ଗ୍ରାମୀଣ ବିକାଶ ଢ଼ାଞ୍ଚା ପ୍ରସ୍ତୁତ କରିବାରେ ଏହି ବିଲ୍ ସହାୟକ ହେବ । ବିଲ୍‌ରେ ସଶକ୍ତୀକରଣ, ବିକାଶ, ସମନ୍ୱୟ ଏବଂ ସମ୍ପୂର୍ଣ୍ଣତା ଉପରେ ମଧ୍ୟ ଧ୍ୟାନ ଦିଆଯାଇଛି ବୋଲି ଶ୍ରୀ ଚୌହାନ କହିଛନ୍ତି ।

**V/O- SHIVRAJ-SINGH-CHAUHAN**

ପରିବର୍ତ୍ତିତ ଭାରତ ପାଇଁ ପରମାଣୁ ଶକ୍ତିର ସ୍ଥାୟୀ ଉପଯୋଗିତା ଏବଂ ଉନ୍ନୀତ ବିଲ୍–୨୦୨୫ମଧ୍ୟ ସଂସଦର ଅନୁମୋଦନ ଲାଭ କରିଛି ।

# ଓଡ଼ିଶା ନିବେଶକ ସମ୍ମିଳନୀ

ହାଇଦ୍ରାବାଦରେ ଅନୁଷ୍ଠିତ ଓଡ଼ିଶା ନିବେଶକ ସମ୍ମିଳନୀର ପ୍ରଥମ ଦିନରେ ଗତକାଲି ୩୮ ହଜାର ୭୦୦ କୋଟି ଟଙ୍କାର ପୁଞ୍ଜିନିବେଶ ପାଇଁ ସୁଯୋଗ ସୃଷ୍ଟି ହୋଇଥିବା ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ କହିଛନ୍ତି । ଶ୍ରୀ ମାଝୀ କହିଛନ୍ତି, ଅକ୍ଷୟଶକ୍ତି, ଖାଦ୍ୟ ପ୍ରକ୍ରିୟାକରଣ, ଯାନବାହାନ ଉତ୍ପାଦନ, ଔଷଧ ନିର୍ମାତା ଆଦି କମ୍ପାନୀମାନଙ୍କ ସହ ରାଜ୍ୟରେ ନିବେଶ ପାଇଁ ଆଲୋଚନା ହୋଇଛି । ସମ୍ମିଳନୀରେ ୭ଟି ବୁଝାମଣାପତ୍ର ସ୍ୱାକ୍ଷରିତ ହୋଇଥିବା ବେଳେ ସରକାରଙ୍କ ପକ୍ଷରୁ ଶିଳ୍ପ ଅନୁକୂଳ ପରିବେଶ ସୃଷ୍ଟି ସହ ଏହା ଶିଳ୍ପଜଗତର ବିଶ୍ୱାସକୁ ପ୍ରତିଫଳିତ କରୁଛି ବୋଲି ମୁଖ୍ୟମନ୍ତ୍ରୀ କହିଛନ୍ତି ।

---

## ଏ.ଆଇ. ସମ୍ମିଳନୀ

ଭୁବନେଶ୍ୱର ଲୋକସେବା ଭବନ ସମ୍ମିଳନୀ କକ୍ଷରେ ଆଜି ଓଡ଼ିଶା କୃତ୍ରିମ ବୁଦ୍ଧିମତ୍ତା-ଏ.ଆଇ. ସମ୍ମିଳନୀ ୨୦୨୫ ଅନୁଷ୍ଠିତ ହେବ । ସମ୍ମିଳନୀକୁ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଆଭାସୀ ମାଧ୍ୟମରେ ସମ୍ବୋଧନ କରିବେ। କାର୍ଯ୍ୟକ୍ରମରେ କେନ୍ଦ୍ର ଶିକ୍ଷାମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ, ରାଜ୍ୟ ଇଲେକ୍‌ଟ୍ରୋନିକ୍ସ ଓ ଆଇଟି ମନ୍ତ୍ରୀ ଡକ୍ଟର ମୁକେଶ ମହାଲିଙ୍ଗଙ୍କ ସମେତ ଅନ୍ୟ ବିଶିଷ୍ଟ ବ୍ୟକ୍ତି ଯୋଗଦେବେ ।

## ସମ୍ମିଳନୀ

ବୀର ସୁରେନ୍ଦ୍ର ସାଏ ବୈଷୟିକ ବିଶ୍ୱବିଦ୍ୟାଳୟ ଏବଂ ଉତ୍କଳ ବିଶ୍ୱବିଦ୍ୟାଳୟ ମିଳିତ ଆନୁକୂଲ୍ୟରେ ଭୁବନେଶ୍ୱର ଉତ୍କଳ ବିଶ୍ୱବିଦ୍ୟାଳୟରେ ଅମୃତ ପିଢ଼ି ଛାତ୍ର ବିଶ୍ୱସମ୍ମିଳନୀ ଆରମ୍ଭ ହୋଇଛି । ୩ ଦିନିଆ ସମ୍ମିଳନୀର ବିଷୟ ରହିଛି **କୃତ୍ରିମ ବୁଦ୍ଧିମତ୍ତା ଓ ଏହାର ନୈତିକତା ।** ଉଦ୍‌ଘାଟନୀ ସମାରୋହରେ ଉଚ୍ଚଶିକ୍ଷାମନ୍ତ୍ରୀ ସୂର୍ଯ୍ୟବଂଶୀ ସୂରଜ ମୁଖ୍ୟଅତିଥି ଭାବେ ଯୋଗଦେଇ ଭବଷ୍ୟତରେ କୃତ୍ରିମ ବୁଦ୍ଧିମତ୍ତା ଓ ନୂତନ ପ୍ରଯୁକ୍ତିବିଦ୍ୟାର ଉପଯୋଗ କରି ଛାତ୍ରଛାତ୍ରୀମାନେ ନିର୍ମାଣ, ଗବେଷଣା ଓ ଉଦ୍‌ଭାବନ କାର୍ଯ୍ୟରେ ନିଜକୁ ନିୟୋଜିତ କରିବେ ବୋଲି କହିଛନ୍ତି । ମନ୍ତ୍ରୀ ଶ୍ରୀ ସୁରଜ ଯୁବ ସ୍ୱଦେଶୀ ନବ ପ୍ରଚାର ପ୍ରଦର୍ଶନୀ ବୁଲି ଦେଖିଥିଲେ । ସମ୍ମିଳନୀରେ ୫୦୦ରୁ ଅଧିକ ଛାତ୍ରଛାତ୍ରୀ ଅଂଶ ଗ୍ରହଣ କରିଛନ୍ତି ।

## ଧାନକ୍ରୟ

ରାଜ୍ୟରେ ଚଳିତ ଖରିଫ୍ ଋତୁରେ ୯ଟି ଜିଲ୍ଲାରେ ଧାନ ସଂଗ୍ରହ ପ୍ରକ୍ରିୟା ଜାରି ରହିଛି । ଖାଦ୍ୟ ଯୋଗାଣ ଓ ଖାଉଟି କଲ୍ୟାଣ ମନ୍ତ୍ରୀ କୃଷ୍ଣଚନ୍ଦ୍ର ପାତ୍ର ଆଭାସୀ ଜରିଆରେ ବିଭାଗୀୟ ଅଧିକାରୀଙ୍କ ସହ ଧାନ କିଣାର ସମୀକ୍ଷା କରିଛନ୍ତି । ବୈଠକରୁ ମିଳିଥିବା ସୂଚନା ଅନୁଯାୟୀ, ୪୯ହଜାର ୫୧ ଜଣ ଚାଷୀଙ୍କଠାରୁ ଏପର୍ଯ୍ୟନ୍ତ ୨ ଲକ୍ଷ ୨୪ ହଜାର ୭୦୪ ମେଟ୍ରିକ୍ ଟନ୍ ଧାନ ସଂଗ୍ରହ ହୋଇଥିବା ବେଳେ ସମ୍ବଲପୁରରେ ସର୍ବାଧିକ ୧୮ ହଜାର ୮୯୧ ଜଣ ଚାଷୀଙ୍କଠାରୁ ଧାନ ସଂଗ୍ରହ କରାଯାଇଛି । ଧାନ ବିକ୍ରୟ

କରିବାର ୪୮ ଘଣ୍ଟା ମଧ୍ୟରେ ଚାଷୀଙ୍କ ବ୍ୟାଙ୍କ ଆକାଉଣ୍ଟ୍‌କୁ ଅର୍ଥରାଶି ପ୍ରଦାନ କରାଯାଉଛି ।

## ଜଷ୍ଟିସ୍ ସଙ୍ଗମ କୁମାର ସାହୁ

ଓଡ଼ିଶା ହାଇକୋର୍ଟର ବିଚାରପତି ଜଷ୍ଟିସ୍ ସଙ୍ଗମ କୁମାର ସାହୁଙ୍କୁ ପାଟନା ହାଇକୋର୍ଟର ମୁଖ୍ୟବିଚାରପତି ଭାବେ ପଦୋନ୍ନତି ପାଇଁ ସୁପ୍ରିମକୋର୍ଟର କଲେଜିୟମ୍ କମିଟି ସୁପାରିଶ୍ କରିଛନ୍ତି । କଟକରେ ଜନ୍ମିତ ଜଷ୍ଟିସ୍ ସାହୁ ୨୦୧୪ ମସିହା ଜୁଲାଇ ମାସରେ ଓଡ଼ିଶା ହାଇକୋର୍ଟର ବିଚାରପତି ଭାବେ ନିଯୁକ୍ତି ପାଇଥିଲେ ।

## ଉଷା ପାଢ଼ୀ

ରାଜ୍ୟ ଗୃହ ଓ ନଗର ଉନ୍ନୟନ ବିଭାଗ ଏବଂ ବାଣିଜ୍ୟ ଓ ପରିବହନ ବିଭାଗର ପ୍ରମୁଖ ଶାସନ ସଚିବ ଉଷା ପାଢ଼ୀ ସୁନ୍ଦରଗଡ଼ ଜିଲ୍ଲା ଗସ୍ତ କରି ବିଭିନ୍ନ ପ୍ରକଳ୍ପ ଓ ଯୋଜନାର ସମୀକ୍ଷା କରିଛନ୍ତି । ସଦ୍‌ଭାବନା ଭବନରେ ଆୟୋଜିତ ସମୀକ୍ଷା ବୈଠକରେ ବିଭିନ୍ନ ବିଭାଗର ଅଧିକାରୀଙ୍କ ସହିତ ହିତାଧିକାରୀମାନେ ଯୋଗଦେଇ ବିଦ୍ୟାଳୟଗୁଡ଼ିକରେ ସ୍ମାର୍ଟ କ୍ଲାସରୁମ୍, ସ୍ୱାସ୍ଥ୍ୟ ଭିତ୍ତିଭୂମି, ମାନବ ସମ୍ବଳ ଓ ସାମାଜିକ ସୁରକ୍ଷା ସଂପର୍କିତ ବିଭିନ୍ନ ପ୍ରସଙ୍ଗ ଉପରେ ଆଲୋଚନା କରାଯାଇଥିଲା ।

## କଣ୍ଢେଇ ନାଚ

ଓଡ଼ିଆ ଭାଷା, ସାହିତ୍ୟ ଓ ସଂସ୍କୃତି ବିଭାଗ ଆନୁକୂଲ୍ୟରେ ଓଡ଼ିଶା ସଂଗୀତ ନାଟକ ଏକାଡେମୀ ପକ୍ଷରୁ ୨ ଦିନିଆ କଣ୍ଢେଇନାଟ ଉତ୍ସବ ଭଞ୍ଜକଳା

ମଣ୍ଡପଠାରେ ଆରମ୍ଭ ହୋଇଛି । କାର୍ଯ୍ୟକ୍ରମରେ ରାଜ୍ୟର ୮ଟି ଓ ଅନ୍ୟ ରାଜ୍ୟର ୫ଟି କଣ୍ଢେଇ ନାଟ ଦଳ ଅଂଶ ଗ୍ରହଣ କରିଛନ୍ତି । ବିଭାଗୀୟ ସଚିବ ଡକ୍ଟର ବିଜୟ କେତନ ଉପାଧ୍ୟାୟ ମୁଖ୍ୟଅତିଥି ଭାବେ ଯୋଗଦେଇ କଣ୍ଢେଇନାଟର ବହୁଳ ପ୍ରଚାର ପ୍ରସାର ଉପରେ ଗୁରୁତ୍ୱ ପ୍ରଦାନ କରିଥିଲେ ।

## ପ୍ରଶିକ୍ଷଣ

ଓଡ଼ିଶା ବିଦ୍ୟାଳୟ ଶିକ୍ଷା ପ୍ରାଧିକରଣ ପକ୍ଷରୁ ରାଜ୍ୟସ୍ତରୀୟ ବ୍ୟବହାରିକ ଦକ୍ଷତା ପ୍ରଶିକ୍ଷଣ କାର୍ଯ୍ୟକ୍ରମ ଆୟୋଜିତ ହୋଇଯାଇଛି । ୩୦ଟି ଜିଲ୍ଲାର ୩୧୪ଟି ବ୍ଲକର ୬୮୦ ଜଣ କର୍ମଚାରୀଙ୍କୁ କମ୍ପ୍ୟୁଟର ମାଧ୍ୟମରେ ଅଭିଯୋଗ ପରିଚାଳନା ବ୍ୟବସ୍ଥା ସଂପର୍କରେ ପ୍ରଶିକ୍ଷଣ ଦିଆଯାଇଥିଲା । ଭୁବନେଶ୍ୱରରେ ଆୟୋଜିତ ଏହି ୯ ଦିନିଆ ପ୍ରଶିକ୍ଷଣ କାର୍ଯ୍ୟକ୍ରମରେ ଓସେପା ର ଅତିରିକ୍ତ ନିର୍ଦ୍ଦେଶକ ସଂଗୀତା ବେହେରା ଯୋଗଦେଇଥିଲେ ।

## ସମ୍ମିଳନୀ

ରାଉରକେଲାସ୍ଥିତ ଜାତୀୟ ପ୍ରଯୁକ୍ତିବିଦ୍ୟା ସଂସ୍ଥାନ-ଏନ୍‌ଆଇଟିରେ ୩୦ତମ ଅନ୍ତର୍ଜାତୀୟ ସମ୍ମିଳନୀ ଆରମ୍ଭ ହୋଇଛି । ଜଳସମ୍ପଦ, ନଦୀ ଏବଂ ଉପକୂଳ ଇଞ୍ଜିନିୟରିଂ ଉପରେ ପର୍ଯ୍ୟବସିତ ଏହି ସମ୍ମିଳନୀରେ ୫୦୦ରୁ ଅଧିକ ଜାତୀୟ ଓ ଅନ୍ତର୍ଜାତୀୟ ବିଶେଷଜ୍ଞ ଯୋଗ ଦେଇ ଜଳବିଜ୍ଞାନ ସଂପର୍କିତ ବିଭିନ୍ନ ବ୍ୟବସ୍ଥା ଉପରେ ଆଲୋଚନା ହେଉଛି । କାର୍ଯ୍ୟକ୍ରମରେ ରାଜ୍ୟ ଉନ୍ନୟନ କମିଶନର ଅନୁ ଗର୍ଗ ସ୍ୱତନ୍ତ୍ର ଅତିଥିଭାବେ ଯୋଗଦେଇ ଜଳର ଦକ୍ଷ ବ୍ୟବହାର ଉପରେ ଆଲୋକପାତ କରିଥିଲେ ।

# ନେଟ୍‌ବଲ୍

ନୟାଗଡ଼ ଜିଲ୍ଲା ରଣପୁରସ୍ଥିତ ପିଏମ୍‌ଶ୍ରୀ ବି.ସି. ହାଇସ୍କୁଲ୍‌ରେ ୬୯ତମ ଓଡ଼ିଶା ରାଜ୍ୟ ସ୍ତରୀୟ ବିଦ୍ୟାଳୟ ନେଟ୍‌ବଲ୍ ଚମ୍ପିୟାନ୍‌ସିପ୍ ଉଦ୍‌ଯାପିତ ହୋଇଯାଇଛି । ଫାଇନାଲ୍ ମ୍ୟାଚ୍‌ରେ କଟକ’ ଗଞ୍ଜାମକୁ ପରାସ୍ତ କରି ବିଜୟୀ ହୋଇଛି ।

# ପାଣିପାଗ

ରାଜ୍ୟରେ ଶୀତର ଲହରୀ ଜାରି ରହିଛି । ଭୁବନେଶ୍ୱର ଆଞ୍ଚଳିକ ପାଣିପାଗ ବିଜ୍ଞାନ କେନ୍ଦ୍ରର ସୂଚନା ଅନୁସାରେ, ଗତକାଲି ୯ଟି ସ୍ଥାନର ତାପମାତ୍ରା ୧୦ ଡିଗ୍ରୀ ସେଲ୍‌ସୟିସ୍ ତଳେ ରହିଥିଲା । କୋରାପୁଟର ସେମିଳିଗୁଡ଼ାଠାରେ ସର୍ବନିମ୍ନ ତାପମାତ୍ରା ୩ ଦଶମିକ ୯ ଡିଗ୍ରୀ ସେଲ୍‌ସିୟସ୍ ରେକର୍ଡ କରାଯାଇଥିଲା । ଆସନ୍ତା ୨୪ ଘଣ୍ଟା ମଧ୍ୟରେ ଘନ କୁହୁଡ଼ି ହେବା ନେଇ ସୁନ୍ଦରଗଡ଼ ଓ କନ୍ଧମାଳ ଜିଲ୍ଲାକୁ ସତର୍କ ସୂଚନା ଜାରି କରାଯାଇଛି ।

.............................................................................